ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1485/22-03-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୨୨ ମାର୍ଚ୍ଚ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ବ୍ରହ୍ମପୁରର ମହାରାଜା କୃଷ୍ଣଚନ୍ଦ୍ର ଗଜପତି ମେଡିକାଲ କଲେଜ ଓ ହସ୍‌ପିଟାଲ୍‌ରେ ଗ୍ୟାସ୍ଟ୍ରୋଏଣ୍ଟେରୋଲୋଜି ବିଭାଗ ଖୋଲିବା ପ୍ରସ୍ତାବକୁ ଅନୁମୋଦନ କରିଛନ୍ତି । ସେ ମଧ୍ୟ ଉଭୟ ସର୍ଜିକାଲ ଓ ମେଡିକାଲ ହସ୍‌ପିଟାଲ୍‌ରେ ଗ୍ୟାସ୍ଟ୍ରୋଏଣ୍ଟେରୋଲୋଜି ପାଇଁ ୧୯ଟି ଶୈକ୍ଷିକ ଓ ଅଣଶୈକ୍ଷିକ ପଦବୀକୁ ମଞ୍ଜୁରୀ ପ୍ରଦାନ କରିଛନ୍ତି । ସେ କହିଛନ୍ତି ଯେ ଏହି ଅଗ୍ରଣୀ ମେଡିକାଲ କଲେଜରେ ଦୁଇ ସୁପର ସ୍ପେସାଲିଟି ବିଭାଗ ଖୋଲିବା ଫଳରେ ସମଗ୍ର ଦକ୍ଷିଣ ଓଡ଼ିଶାର ଜନସାଧାରଣ ଉପକୃତ ହେବେ ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ବିଶ୍ୱ ଜଳ ଦିବସ ଅବସରରେ କହିଛନ୍ତି ଯେ ଆମ ସ୍ୱାସ୍ଥ୍ୟ, ପରିମଳ ଏବଂ ସ୍ୱଚ୍ଛତା ପାଇଁ ବିଶୁଦ୍ଧ ଜଳ ଏକାନ୍ତ ଜରୁରୀ । ଜୀବନଧାରଣ ପାଇଁ ଥିବା ବିଭିନ୍ନ ଉତ୍ସର ବିଚାରବନ୍ତ ବ୍ୟବହାର କରିବା ଏବଂ କୋଭିଡ୍-୧୯ ତଥା ଅନ୍ୟ ସଂକ୍ରାମକ ରୋଗ ସହ ଲଢ଼ିବା ପାଇଁ ହାତଧୁଆ ଅଭ୍ୟାସ ବଜାୟ ରଖିବା ନିମନ୍ତେ ପ୍ରତିଶ୍ରୁତିବଦ୍ଧ ହେବାକୁ ସେ ଆହ୍ୱାନ କରିଛନ୍ତି ।

## ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୮,୧୪,୧୫୯ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୮,୯୬୩ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୬, ୧୨୪ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୯ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୮୬୭ ରହିଛି ।
- ୮୬୭ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**